ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

News ID-IPR/SRC (OD)/158/Dt.10.05.2022

# ସମ୍ଭାବ୍ୟ ବାତ୍ୟା ସମ୍ପର୍କିତ ପୂର୍ବ ପ୍ରସ୍ତୁତି ସୂଚନା

ଭୁବନେଶ୍ୱର, ୧୦/୦୫/୨୦୨୨

ଭାରତୀୟ ପାଣିପାଗ ବିଭାଗର ସତର୍କ ସୂଚନା, ସ୍ୱତନ୍ତ୍ର ରିଲିଫ୍ କମିଶନରଙ୍କ ନିର୍ଦ୍ଦେଶ ଓ ଜିଲ୍ଲା ପ୍ରଶାସନର ତାଗିଦ୍‌କୁ ଅଣଦେଖା କରି କିଛି ମତ୍ସ୍ୟଜୀବୀ ସମୁଦ୍ରକୁ ବୋଟ ସହ ମାଛ ଧରିବାକୁ ଯାଇ ନିଜ ଜୀବନକୁ ବିପନ୍ନ କରିବା ସହ ପ୍ରଶାସନକୁ ଅସୁବିଧାରେ ପକାଉଛନ୍ତି ।

ଏ ସମ୍ପର୍କରେ ସ୍ୱତନ୍ତ୍ର ନିର୍ଦ୍ଦେଶନାମା ଜାରି କରି ସ୍ୱତନ୍ତ୍ର ରିଲିଫ କମିଶନର, ଶ୍ରୀ ପ୍ରଦୀପ ଜେନା ମତ୍ସ୍ୟ ଓ ପ୍ରାଣୀସମ୍ପଦ ବିକାଶ ବିଭାଗ, ବାଣିଜ୍ୟ ପରିବହନ ବିଭାଗର ପ୍ରମୁଖ ସଚିବ, ଗଞ୍ଜାମ, ପୁରୀ, ଖୋର୍ଦ୍ଧା, ଜଗତସିଂହପୁର, କେନ୍ଦ୍ରପଡା, ଭଦ୍ରକ ଓ ବାଲେଶ୍ୱର ଜିଲ୍ଲାପାଳମାନଙ୍କୁ ଅବଗତ କରି ଜଣାଇଛନ୍ତି ଯେ, ଏଭଳି କ୍ଷେତ୍ରରେ ସତର୍କ ସୂଚନା, ନିର୍ଦ୍ଦେଶକୁ ଅବମାନନା କରାଯାଇଥିବାବେଳେ ଜିଲ୍ଲାପାଳମାନେ ବିପର୍ଯ୍ୟୟ ପରିଚାଳନା ଆକ୍ଟର ୨୦୦୫ ନିୟମ ଆଧାରରେ ମତ୍ସ୍ୟଜୀବୀମାନଙ୍କ ଉପରେ କ୍ରିମିନାଲ ଆକ୍ସନ ଲାଗୁ କରିବେ ଓ ଅନ୍ୟ ପକ୍ଷରେ ମତ୍ସ୍ୟଜୀବୀମାନଙ୍କ ମଧ୍ୟରେ ସଚେତନା ସୃଷ୍ଟି ପାଇଁ ଏ ଦିଗରେ ପଦକ୍ଷେପ ଗ୍ରହଣ କରିବେ ।

ସେହିପରି ମତ୍ସ୍ୟ ଓ ପ୍ରାଣୀସମ୍ପଦ ବକାଶ ବିଭାଗ ଓ ବାଣିଜ୍ୟ ପରିବହନ ବିଭାଗ ଏ କ୍ଷେତ୍ରରେ ଆଇନ ଭଙ୍ଗ କରୁଥିବା ମତ୍ସ୍ୟଜୀବୀମାନଙ୍କ ବିରୁଦ୍ଧରେ କଠୋର କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବେ ।

ସମ୍ଭାବ୍ୟ ବାତ୍ୟାକୁ ଦୃଷ୍ଟିରେ ରଖି ଆଜି ଓଡ୍ରାଫର ୧୨ଟି ଟିମ୍‌କୁ ମାଲକାନାଗିରି, କୋରାପୁଟ, ଗଞ୍ଜାମ, ଗଜପତି, ପୁରୀ ଓ ଜଗତସିଂହପୁର ଜିଲ୍ଲାରେ ମୁତୟନ କରାଯାଇଅଛି ।

ସେହିପରି ଅଗ୍ନିଶମ ସେବାର ୧୨ଟି ଟିମ୍‌କୁ ମଧ୍ୟ ମାଲକାନାଗିରି, କୋରାପୁଟ, ଗଜପତି, ରାୟଗଡା ଓ ଗଞ୍ଜାମ ଜିଲ୍ଲାରେ ମୁତୟନ କରାଯାଇଛି । ଆଜି ଏହି ଟିମ୍‌ଗୁଡିକ ସମ୍ପୃକ୍ତ ଜିଲ୍ଲାର ଜିଲ୍ଲାପାଳଙ୍କ ନିକଟରେ ପହଞ୍ଚି ରିପୋର୍ଟିଙ୍ଗ କରିବେ ।

ବିଭୂତି ନାୟକ
ସୂଚନା ଅଧିକାରୀ